ସୂଚନା ଓ ଲୋକ ସଂପର୍କ ବିଭାଗ
**Information & Public Relations Department**
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/IPR(OD)/107/ Dt.21.04.2021**

# ପୂର୍ବତନ ମୁଖ୍ୟମନ୍ତ୍ରୀ ଡ. ସଦାଶିବ ତ୍ରିପାଠୀଙ୍କ ଜୟନ୍ତୀରେ ଶ୍ରଦ୍ଧାଞ୍ଜଳି ଅର୍ପଣ

ଭୁବନେଶ୍ୱର,  ୨୧/୦୪/୨୦୨୧

ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ, ଜନସେବକ ତଥା ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ଡ. ସଦାଶିବ ତ୍ରିପାଠୀଙ୍କ ଜୟନ୍ତୀ ଅବସରରେ ଆଜି ସକାଳେ ସୂଚନା ଓ ଲୋକସଂପର୍କ ବିଭାଗ ପକ୍ଷରୁ କୋଭିଡ୍ କଟକଣା ମଧ୍ୟରେ ବରପୁତ୍ରଙ୍କ ପ୍ରତିମୂର୍ତ୍ତିରେ ଶ୍ରଦ୍ଧାଞ୍ଜଳି ଅର୍ପଣ କରାଯାଇଛି । ଭୁବନେଶ୍ୱର ୟୁନିଟ୍-୬, ରାଜଧାନୀ ଚିକିତ୍ସାଳୟ ଛକସ୍ଥିତ ସ୍ୱର୍ଗତ ତ୍ରିପାଠୀଙ୍କ ପ୍ରତିମୂର୍ତ୍ତିରେ ନବରଙ୍ଗପୁର ସାଂସଦ ଶ୍ରୀ ରମେଶ ଚନ୍ଦ୍ର ମାଝୀ ଏବଂ ସୂଚନା ଓ ଲୋକସଂପର୍କ ବିଭାଗର ନିର୍ଦ୍ଦେଶକ ଶ୍ରୀ କୃପାସିନ୍ଧୁ ମିଶ୍ର ମାଲ୍ୟାର୍ପଣ କରି ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ସୂଚନା ଓ ଲୋକସଂପର୍କ ବିଭାଗର ଉପନିର୍ଦ୍ଦେଶକ ଶ୍ରୀ ସନ୍ତୋଷ କୁମାର ଦାସ, ଶବରୀ ସାଂସ୍କୃତିକ ସଂସଦର ଉପସଭାପତି ନୀଳମାଧବ ଦାସ ଏବଂ କର୍ମକର୍ତ୍ତାମାନେ ଉପସ୍ଥିତ ରହି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ । କୋଭିଡ୍ ନିୟମାବଳୀକୁ ଦୃଷ୍ଟିରେ ରଖି ଏହି ଶ୍ରଦ୍ଧାଞ୍ଜଳି କାର୍ଯ୍ୟକ୍ରମରେ ଅତି ସୀମିତ ସଂଖ୍ୟକ ଅତିଥି ଉପସ୍ଥିତ ରହିଥିଲେ ।

ସୁଚେତା ପ୍ରିୟଦର୍ଶିନୀ
ସୂଚନା ଅଧିକାରୀ